ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୧୭.୧୦:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୫୨ଟି ଅଭିଯୋଗରୁ ୫୦ଟି ବ୍ୟକ୍ତିଗତ, ୦୨ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି। ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୨ଜଣଙ୍କୁ ୧୫ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହାଛଡା ଅଭିଯୋଗ ହୋଇଥିବା ସମୁଦାୟ ୫୨ଟି ଅଭିଯୋଗ ମଧ୍ୟରୁ ୭ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଜମି ବାଡି ସମ୍ବନ୍ଧୀୟ, ବିଧବା ଭତ୍ତା, ଚିକିତ୍ସା ସହାୟତା ଓ ପ୍ରଧାନମନ୍ତ୍ରୀ ଆବାସ ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଅନୁଗୋଳ ତହସିଲଦାର ଶ୍ରୀ ବିମଳ କୁମାର ଲେଙ୍କା, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୬୦୮ ତା.୧୭.୧୦.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୧୭.୧୦.୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।


ANGUL